# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**20 December – 2025**

## ପୁଞ୍ଜିନିବେଶ-ମୁଖ୍ୟମନ୍ତ୍ରୀ

ଓଡ଼ିଶା ଦେଶର ଅଭିବୃଦ୍ଧି ଇଞ୍ଜିନ୍ ହେବାକୁ ପ୍ରସ୍ତୁତ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ହାଇଦ୍ରାବାଦଠାରେ ଅନୁଷ୍ଠିତ ଓଡ଼ିଶା ନିବେଶକ ସମ୍ମିଳନୀରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ଓଡ଼ିଶାରେ ନିବେଶ ପାଇଁ ଅପାର ସମ୍ଭାବନା ରହିଛି । ଏହି ଅବସରରେ ଶ୍ରୀ ମାଝୀ ରାଜ୍ୟରେ ନିବେଶ ପାଇଁ ନିବେଶକମାନଙ୍କୁ ଆମନ୍ତ୍ରଣ କରିଛନ୍ତି ।

**V/O**

ହାଇଦ୍ରାବାଦ ନିବେଶକ ସମ୍ମିଳନୀରେ ମୋଟ୍ ୨୭ ହଜାର ୬୫୦ କୋଟି ଟଙ୍କାର ପୁଞ୍ଜି ନିବେଶ ପାଇଁ ୧୩ଟି ବୁଝାମଣାପତ୍ର ସ୍ୱାକ୍ଷରିତ ହୋଇଛି । ଏଥିସହ ୩୯ହଜାର ୧୩୧ କୋଟି ଟଙ୍କାର ପୁଞ୍ଜି ନିବେଶ ପ୍ରସ୍ତାବ ଆସିଥିବା ସରକାରଙ୍କ ପକ୍ଷରୁ କୁହାଯାଇଛି । ଏହିସବୁ ପ୍ରସ୍ତାବ କାର୍ଯ୍ୟକାରୀ ହେଲେ ୫୬ ହଜାର ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ।

## ଆଇଟି କ୍ଲଷ୍ଟର-କେନ୍ଦ୍ରମନ୍ତ୍ରୀ

ସଂଶୋଧିତ ଇଲେକ୍ଟ୍ରୋନିକ୍ସ ଉତ୍ପାଦନ କ୍ଲଷ୍ଟର ଯୋଜନାର ତୃତୀୟ ପର୍ଯ୍ୟାୟରେ ଭୁବନେଶ୍ୱର ଇନ୍‌ଫୋ ଭ୍ୟାଲିଠାରେ ଇଲେକ୍ଟ୍ରୋନିକ୍ ଉତ୍ପାଦନ କ୍ଲଷ୍ଟର ନିର୍ମାଣ ହେବ । ଏଥିପାଇଁ ୨ ଶହ କୋଟି ୭୬ ଲକ୍ଷ

ଟଙ୍କା ଖର୍ଚ୍ଚ ହେବ ବୋଲି କେନ୍ଦ୍ର ଇଲେକ୍ଟ୍ରୋନିକ୍ସ ଏବଂ ଆଇଟି ରାଷ୍ଟ୍ରମନ୍ତ୍ରୀ ଜିତିନ୍ ପ୍ରସାଦ କହିଛନ୍ତି । ରାଜ୍ୟସଭାରେ ଏ ସଂପର୍କରେ ସୂଚନା ଦେଇ ମନ୍ତ୍ରୀ କହିଛନ୍ତି, ଏହି ପ୍ରକଳ୍ପ ପାଇଁ କେନ୍ଦ୍ର ସରକାର ୯୩ କୋଟି ୯ ଲକ୍ଷ ଟଙ୍କାର ଆର୍ଥିକ ଅନୁଦାନ ଯୋଗାଇଦେବେ । ଏହା ସହ ସେମିକନ୍ ଇଣ୍ଡିଆ କାର୍ଯ୍ୟକ୍ରମରେ ୪ ହଜାର ୩ କୋଟି ଟଙ୍କା ବ୍ୟୟରେ ଓଡ଼ିଶାରେ ୨ଟି ସେମିକଣ୍ଡକ୍ଟର ୟୁନିଟ୍‌କୁ ମଂଜୁରୀ ମିଳିଥିବା କେନ୍ଦ୍ରମନ୍ତ୍ରୀ କହିଛନ୍ତି ।

---

## ଉଚ୍ଚଶିକ୍ଷାମନ୍ତ୍ରୀ

ସମସ୍ତଙ୍କ ପାଇଁ ଶିକ୍ଷା ଓ ସମସ୍ତଙ୍କ ପାଇଁ ଉଚ୍ଚଶିକ୍ଷା ହେଉଛି ରାଜ୍ୟ ସରକାରଙ୍କ ଲକ୍ଷ୍ୟ ବୋଲି ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି । ଓଡ଼ିଶା ଭିଜନ ଡକ୍ୟୁମେଣ୍ଟ ୨୦୩୬ ଓ ୨୦୪୭କୁ ନେଇ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଶ୍ୱବିଦ୍ୟାଳୟର କୁଳପତି, ମହାବିଦ୍ୟାଳୟର ଅଧ୍ୟକ୍ଷ ଓ ଆଞ୍ଚଳିକ ଶିକ୍ଷା ନିର୍ଦ୍ଦେଶକଙ୍କ ପାଇଁ ଆୟୋଜିତ କର୍ମଶାଳାରେ ଶ୍ରୀ ସୂରଜ କହିଛନ୍ତି, ବିକଶିତ ଓଡ଼ିଶା ଏବଂ ବିକଶିତ ଭାରତ ଗଠନ କରିବାର ଲକ୍ଷ୍ୟ ପୂରଣ କରିବା ପାଇଁ ଶୈକ୍ଷିକ ସମାଜ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିବ ।

ରାଜ୍ୟରେ ଅଧିକ ନିଯୁକ୍ତି ସୁଯୋଗ ପ୍ରଦାନ କରିବା, ସାମଗ୍ରିକ ଶିକ୍ଷା ଅନୁପାତକୁ ସୁନିଶ୍ଚିତ କରିବା ସହ ଶିକ୍ଷାନୁଷ୍ଠାନମାନଙ୍କରେ ଲିଙ୍ଗଗତ ସମାନତା ଉପରେ ପ୍ରାଧାନ୍ୟ ଦିଆଯାଉଛି ବୋଲି ମନ୍ତ୍ରୀ କହିଛନ୍ତି ।

---

## କଣ୍ଢେଇନାଟ ମହୋତ୍ସବ

ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ଆନୁକୂଲ୍ୟରେ ଓଡ଼ିଶା ସଂଗୀତ ନାଟକ ଏକାଡେମୀ ପକ୍ଷରୁ ଭୁବନେଶ୍ୱର ଭଞ୍ଜକଳା ମଣ୍ଡପରେ ଆୟୋଜିତ ଜାତୀୟ କଣ୍ଢେଇନାଟ ମହୋତ୍ସବ ଉଦ୍‌ଯାପିତ ହୋଇଯାଇଛି । ଉଦ୍‌ଯାପନୀ ସମାରୋହରେ ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଯୋଗଦେଇ କହିଛନ୍ତି, କଣ୍ଢେଇନାଟ ପିଲାଦିନର ସ୍ମୃତିକୁ ଉଦ୍‌ଜୀବିତ କରିଥାଏ । ଏହା ମାଧ୍ୟମରେ ସାମାଜିକ ବାର୍ତ୍ତା ପ୍ରଦାନ କରିବାର ସୁଯୋଗ ମିଳିଥାଏ । ଏହି ମହୋତ୍ସବରେ କର୍ଣ୍ଣାଟକ, ରାଜସ୍ଥାନ ଓ ପଶ୍ଚିମବଙ୍ଗର ୫ଟି ଦଳ ଅଂଶ ଗ୍ରହଣ କରିଥିଲେ ।

---

## ନଗର ଉନ୍ନୟନ ମନ୍ତ୍ରୀ

ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ ଡାକ୍ତର କୃଷ୍ଣଚନ୍ଦ୍ର ମହାପାତ୍ର କୋରାପୁଟ ଜିଲ୍ଲା ଗସ୍ତ କରି ବିଭିନ୍ନ ଉନ୍ନୟନ ପ୍ରକଳ୍ପର ସମୀକ୍ଷା କରିଥିଲେ । ସୁନାବେଡ଼ା ପୌରପାଳିକା ଗସ୍ତ କରି ସେଠାକାର ଏକ ଆହାର କେନ୍ଦ୍ର ପରିଦର୍ଶନ କରିଥିଲେ । ମନ୍ତ୍ରୀ ଡାକ୍ତର ମହାପାତ୍ର ଜାତୀୟ ଆଦିବାସୀ ମହୋତ୍ସବ ପରବ ୨୦୨୫ର ଉଦ୍‌ଘାଟନୀ ସମାରୋହରେ ମଧ୍ୟ ଯୋଗ ଦେଇଥିଲେ ।

---

## ବ୍ୟାଙ୍କ ସେବା

ଝାରସୁଗୁଡ଼ାଠାରେ ଭାରତ ସରକାରଙ୍କ ଆର୍ଥିକ ସେବା ବିଭାଗ ତରଫରୁ ଭାରତୀୟ ରିଜର୍ଭ ବ୍ୟାଙ୍କ ଓ ଷ୍ଟେଟ୍‌ବ୍ୟାଙ୍କ ସହଯୋଗରେ **ଆପଣଙ୍କ ପୁଞ୍ଜି ଆପଣଙ୍କ ଅଧିକାର** ସଂପର୍କିତ ବୈଠକ ଅନୁଷ୍ଠିତ ହୋଇଯାଇଛି । କେନ୍ଦ୍ର ସରକାରଙ୍କ ନିର୍ଦ୍ଦେଶ ଅନୁସାରେ ଆର୍ଥିକ କ୍ଷେତ୍ରରେ ଦାବି କରାଯାଉ ନଥିବା ସଂଚିତ ଅର୍ଥରାଶି ଓ ଶୀଘ୍ର ବିନିଯୋଗକୁ ସରଳ କରିବା ପାଇଁ ଜିଲ୍ଲାରେ ଅଭିଯାନ ଆରମ୍ଭ କରାଯାଇଛି ।  ସମସ୍ତ ହିତାଧିକାରୀଙ୍କୁ ନିଜର ପୁରୁଣା ଖାତାକୁ କାର୍ଯ୍ୟକ୍ଷମ କରି ଜମାରାଶି ପ୍ରାପ୍ତ କରିବା ପାଇଁ ସଚେତନ କରାଯାଉଛି ।

# ବୈଠକ

ଗଞ୍ଜାମ ଜିଲ୍ଲା ଛତ୍ରପୁର ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଆର୍ଯ୍ୟପଲ୍ଲୀ ପଞ୍ଚାୟତର ମତ୍ସ୍ୟଜୀବୀ, ଗୋପାଳପୁର ବନ୍ଦର କର୍ତ୍ତୃପକ୍ଷ ଏବଂ ଜିଲ୍ଲା ପ୍ରଶାସନ ମଧ୍ୟରେ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ମତ୍ସ୍ୟଜୀବୀଙ୍କ ବିଭିନ୍ନ ସମସ୍ୟା ସଂପର୍କରେ ଆଲୋଚନା ହୋଇଥିଲା ।

# ବୈଠକ

ଖୋର୍ଦ୍ଧା ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ପି.ସି. ପିଏନ୍‌ଡିଟି ପରାମର୍ଶଦାତା ମଣ୍ଡଳୀ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଜିଲ୍ଲା ମୁଖ୍ୟଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଜିଲ୍ଲାରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ କାର୍ଯ୍ୟକ୍ରମ ଉପରେ ଅବଗତ କରାଇଥିଲେ ।

## ଲାପ୍‌ଟପ୍ ବଣ୍ଟନ

କେନ୍ଦ୍ରାପଡ଼ା ଜିଲ୍ଲା ସାମାଜିକ ସୁରକ୍ଷା ବିଭାଗ ପକ୍ଷରୁ ଜିଲ୍ଲାପାଳ ରଘୁରାମ ଆର୍ ଆୟାର ୨ଜଣ ଦୃଷ୍ଟିବାଧିତ ଛାତ୍ରଛାତ୍ରୀଙ୍କୁ ଲାପ୍‌ଟପ୍ ପ୍ରଦାନ କରିଛନ୍ତି । ସରକାରଙ୍କ ନିୟମ ଅନୁଯାୟୀ ଯୁକ୍ତ ୩ରୁ ଅଧିକ  ଶିକ୍ଷା ଗ୍ରହଣ କରିଥିବା ଦୃଷ୍ଟିବାଧିତ ଛାତ୍ରଛାତ୍ରୀମାନଙ୍କୁ ଲାପ୍‌ଟପ୍ ଯୋଗାଇ ଦିଆଯିବାର ବ୍ୟବସ୍ଥା ରହିଛି ।

## ପାଣିପାଗ

ରାଜ୍ୟରେ ଶୀତର ଲହରୀ ଜାରି ରହିଛି। ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଗତକାଲି  ଫୁଲବାଣୀଠାରେ ସର୍ବନିମ୍ନ ତାପମାତ୍ର ୬ ଦଶମିକ ୫ ଡିଗ୍ରୀ ସେଲସିୟସ୍ ରେକର୍ଡ କରାଯାଇଥିଲା । ତେବେ ଜି.ଉଦୟଗିରିଠାରେ ସର୍ବନିମ୍ନ ତାପମାତ୍ରା ୪ ଦଶମିକ ୩ ଡିଗ୍ରୀ ସେଲ୍‌ସିୟସ୍ ଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।  ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘନକୁହୁଡି ହେବା ନେଇ ସୁନ୍ଦରଗଡ଼, ଝାରସୁଗୁଡ଼ା  ଓ ସମ୍ବଲପୁର ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।